**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**20 September– 2026**

# ସେମିକନ୍ ଇଣ୍ଡିଆ-ମୁଖ୍ୟମନ୍ତ୍ରୀ

ସେମିକନ୍ ଇଣ୍ଡିଆ -୨୦୨୬ ସମ୍ମିଳନୀରେ ଓଡ଼ିଶା ପାଇଁ ୨୩ ହଜାର ୬୦୦ କୋଟି ଟଙ୍କାର ନିବେଶ ପ୍ରସ୍ତାବ ଆସିଛି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ନୂଆଦିଲ୍ଲୀରେ ଅନୁଷ୍ଠିତ ସମ୍ମିଳନୀରେ ଯୋଗଦେଇ ଫେରିବା ପରେ ଭୁବନେଶ୍ୱରଠାରେ ଗଣମାଧ୍ୟମକୁ ସମ୍ବୋଧନ କରି ଶ୍ରୀ ମାଝୀ କହିଛନ୍ତି ରାଜ୍ୟର ସେମିକଣ୍ଡକ୍ଟର ଏବଂ ଆଧୁନିକ ପ୍ରଯୁକ୍ତିବିଦ୍ୟା କ୍ଷେତ୍ରକୁ ଉଲ୍ଲେଖନୀୟ ସହଯୋଗ ପ୍ରସ୍ତାବମାନ ଆସିଛି । ରାଜ୍ୟରେ ଏକ ସ୍ୱତନ୍ତ୍ର ସେମିକଣ୍ଡକ୍ଟର ଉତ୍ପାଦନ ହବ୍ ପ୍ରତିଷ୍ଠା କରିବା ଲକ୍ଷ୍ୟରେ କଟକ ନରାଜଠାରେ ୮୭୦ ଏକର ପରିମିତ ଅଞ୍ଚଳରେ ଓଡ଼ିଶା ସିଲିକନ୍ ଭ୍ୟାଲି ପ୍ରତିଷ୍ଠା କରିବାକୁ ନିଷ୍ପତ୍ତି ହୋଇଥିବା ଶ୍ରୀ ମାଝୀ ସୂଚନା ଦେଇଛନ୍ତି ।

**V/O**

ନୂଆଦିଲ୍ଲୀରେ ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସର୍ବଭାରତୀୟ ଅର୍ଥମନ୍ତ୍ରୀ ସମ୍ମିଳନୀରେ ମଧ୍ୟ ଶ୍ରୀ ମାଝୀ ଯୋଗଦେଇଥିଲେ ।

## ଦୁର୍ଘଟଣା

ମଧ୍ୟପ୍ରଦେଶରେ ଦୁର୍ଘଟଣାରେ ପ୍ରାଣ ହରାଇଥିବା ୭ ଜଣଙ୍କର ମରଶରୀର ଆଜି ଭୁବନେଶ୍ୱର ଅଣାଯାଉଛି । ଏଥିପାଇଁ ଭୁବନେଶ୍ୱରରୁ ୩ଟି ଆମ୍ବୁଲାନ୍ସ ସେଠାକୁ ଯାଇଛି । ଏହି ଘଟଣାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗଭୀର ଦୁଃଖ ପ୍ରକାଶ କରିବା ସହ ନିକଟ ସଂପର୍କୀୟଙ୍କ ଲାଗି ଅନୁକମ୍ପାମୂଳକ ସହାୟତା ରାଶି ଘୋଷଣା କରିଛନ୍ତି। ପ୍ରଧାନମନ୍ତ୍ରୀ ରିଲିଫ୍ ପାଣ୍ଠିରୁ ୨ ଲକ୍ଷଟଙ୍କା ଲେଖାଏଁ ଏବଂ ମୁଖ୍ୟମନ୍ତ୍ରୀ ୫ ଲକ୍ଷ ଟଙ୍କା ଲେଖାଏଁ ଅନୁକମ୍ପାମୂଳକ ସହାୟତା ରାଶି ପ୍ରଦାନ ନିମନ୍ତେ ଘୋଷଣା କରିଛନ୍ତି ।

ସୂଚନାଯୋଗ୍ୟ ଭୁବନେଶ୍ୱରର ଗୋଟିଏ ପରିବାରର ୭ ଜଣ ସଦସ୍ୟ ମଧ୍ୟପ୍ରଦେଶର ଉଜ୍ଜୟିନୀରୁ ନଲଖେଡ଼ା ମା' ବଗଳାମୁଖୀ ଠାକୁରାଣୀଙ୍କ ଦର୍ଶନ ପାଇଁ ଯାଇଥିଲେ । ଗତକାଲି ଗାଡ଼ିଟି ରାସ୍ତା ପାରି ହେବା ବେଳେ ପ୍ରବଳ ବର୍ଷା ଯୋଗୁଁ ଭାସିଯିବାରୁ ଚାଳକଙ୍କୁ ମିଶାଇ ସମସ୍ତ ୮ ଜଣଙ୍କର ଘଟଣାସ୍ଥଳରେ ମୃତ୍ୟୁ ହୋଇଥିଲା ।

---

## ଜିଲ୍ଲାପ୍ରଶାସନକୁ ନିର୍ଦ୍ଦେଶ

ବିଭିନ୍ନ ଜିଲ୍ଲା ତଥା କ୍ଷେତ୍ରସ୍ତରରୁ ଆସୁଥିବା ପ୍ରସ୍ତାବଗୁଡ଼ିକର ସମୟଭିତ୍ତିକ ସମୀକ୍ଷା ତଥା ଯାଞ୍ଚ ସଂପୂର୍ଣ୍ଣ କରିବାକୁ ଜିଲ୍ଲାପ୍ରଶାସନକୁ ନିର୍ଦ୍ଦେଶ ଦିଆଯାଇଛି । ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ଅତିରିକ୍ତ ମୁଖ୍ୟ ଶାସନ ସଚିବ ଡକ୍ଟର ଅରବିନ୍ଦ ପାଢ଼ୀ କହିଛନ୍ତି, ପ୍ରତ୍ୟେକ ପ୍ରସ୍ତାବର

ପୃଷ୍ଠଭୂମି, ଆଇନଗତ ସମୀକ୍ଷା, ସଂପୃକ୍ତ କର୍ତ୍ତୃପକ୍ଷଙ୍କ ମତାମତ ଓ ସୁପାରିଶକୁ ସମୟଭିତ୍ତିକ ଅନୁଧ୍ୟାନ ମାଧ୍ୟମରେ ଉଲ୍ଲେଖ କରିବାକୁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି ।

## ଏଲ୍‌ପିଜି-ବାୟୋମେଟ୍ରିକ୍

ରିହାତିଯୁକ୍ତ ରନ୍ଧନଗ୍ୟାସର ବୁକିଂ ପାଇଁ ଆଧାର ସଂଯୁକ୍ତ ବାୟୋମେଟ୍ରିକ୍ ପ୍ରମାଣିକରଣକୁ ବାଧ୍ୟତାମୂଳକ କରାଯାଇଛି । ଆସନ୍ତାମାସ ପହିଲାରୁ ଏହା କାର୍ଯ୍ୟକାରୀ ହେବ । କେନ୍ଦ୍ର ପେଟ୍ରୋଲିୟମ୍ ଓ ପ୍ରାକୃତିକ ଗ୍ୟାସ୍ ମନ୍ତ୍ରଣାଳୟ ଦେଇଥିବା ସୂଚନା ଅନୁଯାୟୀ, ରିହାତିଯୁକ୍ତ ଏଲ୍‌ପିଜି ସିଲିଣ୍ଡର ଯୋଗାଣକୁ ସୁବ୍ୟବସ୍ଥିତ କରିବା ପାଇଁ ଏହି ନିଷ୍ପତ୍ତି ଗ୍ରହଣ କରାଯାଇଛି । ଘରୋଇ ରନ୍ଧନ ଗ୍ୟାସ ସିଲିଣ୍ଡରର ଅପବ୍ୟବହାରକୁ ଏହା ଦ୍ୱାରା ରୋକଯାଇ ପାରିବ । ମୋବାଇଲ୍ ଆପ୍ ମାଧ୍ୟମରେ ଆଧାର ପ୍ରମାଣିକରଣ କରାଯାଇ ପାରିବ ବୋଲି ମନ୍ତ୍ରଣାଳୟ ପକ୍ଷରୁ କୁହାଯାଇଛି ।

## ପ୍ରସ୍ତୁତି ବୈଠକ

ଖଲ୍ଲିକୋଟ ଏକକ ବିଶ୍ୱବିଦ୍ୟାଳୟର ଦ୍ୱିତୀୟ କ୍ୟାମ୍ପସ ସ୍ଥାପନ ନେଇ ଏକ ପ୍ରସ୍ତୁତି ବୈଠକ ଗତକାଲି ଜିଲ୍ଲାପାଳ ଭି.କୀର୍ତ୍ତିଭାସନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଜମି ଅଧିଗ୍ରହଣ ଓ ଅନ୍ୟାନ୍ୟ ପ୍ରସଙ୍ଗରେ ବିସ୍ତୃତ ଆଲୋଚନା ହୋଇଛି । ୬ଟି ସ୍ଥାନରେ ଜମି ଚିହ୍ନଟ ପାଇଁ ବୈଠକରେ ମତ ବିନିମୟ ହୋଇଥିବା ଜଣାପଡ଼ିଛି ।

# ଝାଡ଼ାବାନ୍ତି

ନବରଙ୍ଗପୁର ଜିଲ୍ଲା ଉମରକୋଟ ବ୍ଲକର ତୋହରା ପଞ୍ଚାୟତ ଅନ୍ତର୍ଗତ କେନ୍ଦୁଘାଟ ଗାଁରେ ଝାଡ଼ାବାନ୍ତି ରୋଗର ପ୍ରାଦୁର୍ଭାବ ଦେଖାଦେଇଛି । ଆମ ସମ୍ବାଦଦାତା ଦେଇଥିବା ସୂଚନା ଅନୁଯାୟୀ ଜଣେ ଶିଶୁର ମୃତ୍ୟୁ ସହ ୧୪ ଜଣ ଆକ୍ରାନ୍ତ ହୋଇଛନ୍ତି । କୋରାପୁଟ ମେଡ଼ିକାଲ କଲେଜର ୪ ଜଣିଆ ଡାକ୍ତରୀ ଦଳ ଗାଁରେ ପହଞ୍ଚି ଆକ୍ରାନ୍ତଙ୍କ ରକ୍ତ ଓ ପାନୀୟ ଜଳ ନମୁନା ସଂଗ୍ରହ କରିଛନ୍ତି । ସ୍ୱାସ୍ଥ୍ୟକର୍ମୀ ଘରକୁ ଘର ବୁଲି ପରିସ୍ଥିତି ଅନୁଧ୍ୟାନ କରିବା ସହ ରୋଗ ପ୍ରତିହତ ନେଇ ଲୋକଙ୍କୁ ସଚେତନ କରାଉଛନ୍ତି ।

# ସ୍ୱାର୍କ-୨୦୨୬

ଓଡ଼ିଶା ଆଦର୍ଶ ବିଦ୍ୟାଳୟ ସ୍ଥାପନା ଦିବସ ପାଳନ ଅବସରରେ ରାୟଗଡ଼ା ଜିଲ୍ଲାସ୍ତରୀୟ ସ୍ୱାର୍କ-୨୦୨୬ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଏଥିରେ ଜିଲ୍ଲାର ବିଭିନ୍ନ ଓଡ଼ିଶା ଆଦର୍ଶ ବିଦ୍ୟାଳୟର ଛାତ୍ରଛାତ୍ରୀ ଯୋଗଦେଇ ସୃଜନଶୀଳତା, ପ୍ରତିଭା ଓ କଳାତ୍ମକ ଦକ୍ଷତା ପ୍ରଦର୍ଶନ କରିଥିଲେ ।

# ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

ଭଦ୍ରକ ଜିଲ୍ଲା ତିହିଡ଼ି ବ୍ଲକ ଚନ୍ଦ୍ରଶେଖର ରତ୍ନାକର ସହଯୋଗ ସରକାରୀ ଉଚ୍ଚବିଦ୍ୟାଳୟଠାରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି । ବିଭନ୍ନ ପଞ୍ଚାୟତରୁ ଆସିଥିବା ପ୍ରାୟ ୩୦୦ ଦିବ୍ୟାଙ୍ଗଙ୍କୁ ଚିହ୍ନଟ କରାଯାଇ ପ୍ରମାଣପତ୍ର ପ୍ରଦାନ କରାଯାଇଛି ।

# ବକ୍ତୃତା ପ୍ରତିଯୋଗିତା

ନୟାଗଡ଼ ଜିଲ୍ଲାର ବିଭିନ୍ନ ବିଦ୍ୟାଳୟରେ ଗତକାଲି ୨୦୪୭ ବିକଶିତ ଭାରତ ଆଧାରିତ ବକ୍ତୃତା ଓ ଚିତ୍ରାଙ୍କନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି । ଭବିଷ୍ୟତ ଦେଶ ଗଠନରେ ଯୁବବର୍ଗଙ୍କ ଭୂମିକା, ଦାୟିତ୍ୱ ଓ ଅବଦାନ ସଂପର୍କରେ ଛାତ୍ରଛାତ୍ରୀଙ୍କୁ ଅବଗତ କରାଇବା ଏହି କାର୍ଯ୍ୟକ୍ରମର ମୂଳଲକ୍ଷ୍ୟ । ସେବା ସଂକଳ୍ପ ଅଭିଯାନ ଅଧୀନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ବିଭିନ୍ନ ବିଦ୍ୟାଳୟର ବହୁ ଛାତ୍ରଛାତ୍ରୀ ଅଂଶ ଗ୍ରହଣ କରିଥିଲେ ।

---

# ପାଣିପାଗ

ଉତ୍ତର ଆଣ୍ଡାମାନ ସାଗର ଓ ତତ୍‌ସଂଲଗ୍ନ ଅଞ୍ଚଳରେ ସୃଷ୍ଟ ଘୂର୍ଣ୍ଣିବଳୟ ଗତ ସନ୍ଧ୍ୟାରେ ଲଘୁଚାପରେ ପରିଣତ ହୋଇଛି । ଏହା ପଶ୍ଚିମ ଏବଂ ଉତ୍ତର-ପଶ୍ଚିମ ଦିଗରେ ଗତିକରି ଆହୁରି ଘନୀଭୂତ ହେବା ସହ ଆସନ୍ତାକାଲି ପୂର୍ବ କେନ୍ଦ୍ରୀୟ ବଙ୍ଗୋପସାଗରରେ ଅବପାତରେ ପରିଣତ ହେବାର ସମ୍ଭାବନା ରହିଛି। ମଙ୍ଗଳବାର ସୁଦ୍ଧା ଏହା ଆହୁରି ଘନୀଭୂତ ହୋଇ ଗଭୀର ଅବପାତରେ ପରିଣତ ହୋଇପାରେ । ପଶ୍ଚିମ, ଉତ୍ତର-ପଶ୍ଚିମ ଦିଗରେ ଗତିକରି ବୁଧବାର ସୁଦ୍ଧା ଦକ୍ଷିଣ ଓଡ଼ିଶା ଏବଂ ଉତ୍ତର ଆନ୍ଧ୍ରପ୍ରଦେଶ ନିକଟବର୍ତ୍ତୀ ଅଞ୍ଚଳରେ ପହଞ୍ଚିବାର ସମ୍ଭାବନା ରହିଛି । ଏହାର ପ୍ରଭାବରେ ଆସନ୍ତା ୨୫ ତାରିଖ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳରୁ ଅତିପ୍ରବଳ ବର୍ଷା ହୋଇପାରେ । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବିଜୁଳି

ଘଡ଼ଘଡ଼ି ସହ ଅତିପ୍ରବଳ ବର୍ଷା ହେବା ନେଇ ୮ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।

---